ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1082/20-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୦ ଜାନୁଆରୀ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ବିପ୍ଳବୀ ସ୍ୱାଧୀନତା ସଂଗ୍ରାମୀ ଚନ୍ଦନ ହଜୁରୀ 'ଚାଖି ଖୁଣ୍ଟିଆ'ଙ୍କ ଜୟନ୍ତୀରେ ବିନମ୍ର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ୧୮୫୭ ମସିହା ସିପାହୀ ବିଦ୍ରୋହ ସହ ଦେଶର ସୁରକ୍ଷା ଓ ଅଖଣ୍ଡତା ବଜାୟ କ୍ଷେତ୍ରରେ ତାଙ୍କ ଅବଦାନ ଅତୁଳନୀୟ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କ ଅସାଧାରଣ ଦେଶପ୍ରେମ ଓ ପରାକ୍ରମ ସର୍ବଦା ପ୍ରେରଣଦାୟୀ ରହିବ ବୋଲି ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଗୁରୁ ଗୋବିନ୍ଦ ସିଂହଙ୍କ ଜୟନ୍ତୀ ଅବସରେ ହାର୍ଦ୍ଦିକ ଶୁଭେଚ୍ଛା ଓ ଅଭିନନ୍ଦନ ଜଣାଇଛନ୍ତି । ତାଙ୍କ ଦିବ୍ୟବାଣୀ ଆମକୁ ଆଲୋକିତ କରିବା ସହ ଆମର ପଥପ୍ରଦର୍ଶକ ହେବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଆଶା ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ଅଭିନେତା ରବି ମିଶ୍ରଙ୍କ ଦେହାନ୍ତରେ ଗଭୀର ଶୋକ ପ୍ରକାଶ କରିଛନ୍ତି । ନିଜ ନିଖୁଣ ଅଭିନୟ ଦ୍ୱାରା ଅନେକ ଲୋକପ୍ରିୟ ଚଳଚ୍ଚିତ୍ର ଓ ଧାରାବାହିକରେ ସେ ଛାଡ଼ି ଯାଇଥିବା ଛାପ ତାଙ୍କୁ ସର୍ବଦା ସ୍ମରଣୀୟ ରଖିବ ବୋଲି ଉଲ୍ଲେଖ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କ ଅମର ଆତ୍ମାର ସଦ୍‌ଗତି କାମନା ସହ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ସମବେଦନା ଜଣାଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ 'ମୋ ସ୍କୁଲ' ଅଭିଯାନ ଅଧୀନରେ ଆଗାମୀ ବର୍ଷକ ମଧ୍ୟରେ ରାଜ୍ୟର ୧୦୦ଟି ସ୍କୁଲକୁ ମଡେଲ ସ୍କୁଲରେ ପରିଣତ କରାଯିବ । ଏଥି ସହିତ ଅଭିଯାନକୁ ଆହୁରି କ୍ରିୟାଶୀଳ କରିବାକୁ 'ଷ୍ଟୁଡେଣ୍ଟସ୍ ଆଡପ୍‌ସନ୍' କାର୍ଯ୍ୟକ୍ରମ ଆରମ୍ଭ କରିବାକୁ ସପ୍ତମ ପରିଚାଳନା ବୈଠକରେ ନିଷ୍ପତ୍ତି ହୋଇଛି ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ 'ଡ୍ରୋନ୍ ଉତ୍କର୍ଷ କେନ୍ଦ୍ର' ପ୍ରତିଷ୍ଠା ନିମନ୍ତେ ଆଇଟିଆଇ, ହିଞ୍ଜିଳିକାଟୁ ଆଇଜି ଡ୍ରୋନସ୍ ସହ ଏକ ବୁଝାମଣାପତ୍ର ସ୍ୱାକ୍ଷର କରିଛି । ଏହା ବିଦ୍ୟାର୍ଥୀମାନଙ୍କୁ ସେମାନଙ୍କ ଦକ୍ଷତା ବିକାଶରେ ସହାୟତା ଦେବା ସହ ଭବିଷ୍ୟତରେ ଡ୍ରୋନ୍ ଜ୍ଞାନକୌଶଳରେ କ୍ୟାରିଅର୍ ଗଢ଼ିବାକୁ ସେମାନଙ୍କୁ ସୁବିଧା ଦେବ ବୋଲି ସେ କହିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ମାନବିକତାର ନିଦର୍ଶନ ଦେଇ ଜଣେ ଅସହାୟ ବ୍ୟକ୍ତିଙ୍କ ମୃତଶରୀରକୁ ନେବା ସହ ବାଲେଶ୍ୱରରେ ତାଙ୍କର ଅନ୍ତିମ ସଂସ୍କାର ବ୍ୟବସ୍ଥା କରିଥିବା ପରୋପକାରୀ ପୋଲିସ ଅଧିକାରୀଙ୍କୁ ପ୍ରଶଂସା କରିଛନ୍ତି । ଏହି ସହୃଦୟ କାର୍ଯ୍ୟ ସମାଜରେ ଏକ ଉଦାହରଣ ସୃଷ୍ଟି କରିବା ସହ ଅନ୍ୟମାନଙ୍କୁ ପ୍ରେରଣା ଦେବ ବୋଲି ସେ କହିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୪,୫୨,୦୨୦ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୩,୭୨୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୦,୦୫୧ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୦୨ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୧,୭୧୭ ରହିଛି ।
- ୧,୭୧୭ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**